भाकृअनुप - केंद्रीय चावल अनुसंधान संस्थान

**ଭା.କୃ.ଅନୁ.ପ.-କେନ୍ଦ୍ରୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬**

(An ISO 9001: 2015 Certified Institute)

# କୃଷି ସୂଚନା ସେବା (ଧାନ)

## ୨୦୨୬ ମସିହା ମାର୍ଚ୍ଚ ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା :

**ବର୍ତମାନ ସମୟରେ ଅଧିକାଂଶ ଧାନଚାଷ ହେଉଥିବା ଅଂଚଳରେ ହଳଦିଆ କାଣ୍ଡବିନ୍ଧା ପୋକ ଲାଗିଥିବାର ଦେଖାଯାଉଛି ।**

- ଏହି ପୋକର ନିରୀକ୍ଷଣ ପାଇଁ ରୁଆ ଧାନରେ ଏକର ପିଛା ୩ଟି ହିସାବରେ ଯୌନ ସମ୍ବେଦନଶୀଳ ଯନ୍ତ୍ରା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତ୍ରାପ୍ରତି ୩ଟି ଦେଖାଯିବ ତେବେ ଏହାର ଦମନ ପାଇଁ ନିମ୍ବ ମଂଜିରୁ ତିଆରି ଔଷଧ ଆଜାଡିରାକ୍ଟିନ୍ ୦.୧୫% ଇ.ସି. ଏକର ପ୍ରତି ୮୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ କିମ୍ବା କ୍ଲୋରାନ୍ ଟ୍ରାନିଲିପ୍ରୋଲ ୪% ଜି.ଆର୍. ଏକର ପ୍ରତି ୪ କି.ଗ୍ରା. କିମ୍ବା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ଜି. ଏକର ପ୍ରତି ୧୦ କି.ଗ୍ରା. ସମାନ ପରିମାଣର ବାଲି ସହ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା କ୍ଲୋରାନ୍ ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । କିମ୍ବା ଫ୍ଲୁବେନ୍‌ଡିମାଇଡ୍ ୪୮୦ ଏସ୍.ସି. ୩୯.୩୫ ଡବ୍ଲ୍ୟୁ/ଡବ୍ଲ୍ୟୁ) ୨୦ ମି.ଲି. କିମ୍ବା ଟେଟ୍ରାନିଲିପ୍ରୋଲ ୨୦୦ ଜି/ଏଲ୍. ଏସ୍.ସି. ୮୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ଏକ ଏକରରେ ସିଂଚନ କରନ୍ତୁ ।

- ଯେତେବେଳେ ଏହି ପୋକର ଅଣ୍ଡା ବିଲରେ ଦେଖାଯିବ ତେବେ ଏକର ପିଛା ଗୋଟିଏ ଟ୍ରାଇକୋକାର୍ଡ ବ୍ୟବହାର କରନ୍ତୁ ।

- ସପ୍ତାହ ଅନ୍ତରରେ ୪ ରୁ ୫ ଥର ଏହି ଭଳି କାର୍ଡ ବ୍ୟବହାର କରାଯାଇପାରିବ ।

- ଯେତେବେଳେ ଧାନ ବିଲରେ ଏହି ପୋକର ଅଣ୍ଡା ଦେଖିବେ ତେବେ ତାକୁ ସଂଗ୍ରହ କରି ନଷ୍ଟ କରିଦିଅନ୍ତୁ ।

- ବୟସ୍କ ପୋକମାନଙ୍କୁ ଧରିବାପାଇଁ ଆଲୋକ ଯନ୍ତ୍ରା ବ୍ୟବହାର କରିପାରିବେ ।

- ଗଛର ତଳଭାଗରେ ହଳଦିଆ କାଣ୍ଡବିନ୍ଧା ପୋକର ଅଣ୍ଡାଗୁଡିକ ବୁଡାଇବା ପାଇଁ ପର୍ଯ୍ୟାୟ କ୍ରମେ ଜଳସେଚନର ସ୍ତର ବଢ଼ାଇବା ଦରକାର ।

### ୧) ରୁଆ ତାଲୁଅ ଧାନ

- ଘାସ ନିୟନ୍ତ୍ରଣ ପାଇଁ ଘାସ ଉଠିବା ପୂର୍ବରୁ କୌଣସି ଘାସମରା ଔଷଧ ପକାଯାଇନଥିଲେ, ରୋଇବାର ୧୫ ରୁ ୨୦ ଦିନ ମଧ୍ୟରେ ପେନୋକ୍ସୁଲମ୍ ୧.୦୨% + ସାଇହାଲୋଫୋପ- ବ୍ୟୁଟାଇଲ ୫.୧% ୮୦୦ ମି.ଲି. ପ୍ରତି ଏକର ହିସାବରେ ସିଂଚନ କରନ୍ତୁ ।

- ବିଳମ୍ବରେ ରୁଆ ଯାଇଥିବା ଧାନରେ ଯେଉଁଠାରେ ଘାସମରା ଔଷଧ ପ୍ରୟୋଗ କରାଯାଇ ନାହିଁ, ୨୦ ଦିନରେ ଥରେ ଓ ୪୦ ଦିନରେ ଆଉଥରେ ହାତରେ ଘାସବାଛି ଦିଅନ୍ତୁ କିମ୍ବା ଯଦି ଧାଡି ରୁଆ ହୋଇଥିବ ତେବେ ଅଙ୍ଗୁଳିବିଦା ଯନ୍ତ୍ର /କୋନୋଓ୍ୱିଡର/ଧାନଓ୍ୱିଡର ସାହାଯ୍ୟରେ ୨୦ ଦିନ ଓ ୪୦ ଦିନରେ ଦୁଇଥର ଘାସ ଦମନ କରନ୍ତୁ ।

❖ କାଣ୍ଡବିନ୍ଧାପୋକର ନିରୀକ୍ଷଣ ପାଇଁ ଏକର ପ୍ରତି ୩ ଗୋଟି ଯୌନ ସମ୍ବେଦନଶୀଳ ଯନ୍ତ୍ରା ରଖନ୍ତୁ । ଯେତେବେଳେ ଗୋଟିଏ ଦିନରେ ଯନ୍ତ୍ରା ପ୍ରତି ୪ ରୁ ୫ ପୁରୁଷ ପ୍ରଜାପତି ପଡିବେ, ତେବେ ଏକର ପିଛା ନିମ୍ବ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ଇ.ସି. ୮୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ କିମ୍ବା କ୍ଲୋରାନଟ୍ରାନିଲିପ୍ରୋଲ ୦.୪% ଜି.ଆର୍ ୪ କେ.ଜି କିମ୍ବା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା. ସମାନ ପରିମାଣର ଶୁଖିଲା ବାଲିରେ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା ଏକର ପ୍ରତି ୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଜି/ଏଲ ଏସ୍.ସି. କିମ୍ବା କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

❖ ବିଳମ୍ବରେ ରୁଆ ଯାଇଥିବା ଧାନରେ ପ୍ରଥମ ଶୀର୍ଷସାର ହିସାବରେ ଏକର ପ୍ରତି ୩୫ କି.ଗ୍ରା. ୟୁରିଆ ପିଲ ବାହାରିବା ସମୟରେ (୨୦-୨୫ ଦିନରେ) ପ୍ରୟୋଗ କରନ୍ତୁ । ଠିକ୍ ସମୟରେ ରୁଆଯାଇଥିବା ଧାନରେ ଦ୍ୱିତୀୟ ଶୀର୍ଷସାର ହିସାବରେ ଏକର ପ୍ରତି ୩୫ କି.ଗ୍ରା. ୟୁରିଆ ଏବଂ ୧୧ କି.ଗ୍ରା. ଏମ୍.ଓ.ପି. ପ୍ରୟୋଗ କରନ୍ତୁ ।

❖ ଯଦି ମହିଷାରୋଗ ଦେଖାଯାଏ, ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% + ଟେବୁକୋନାଜୋଲ ୫୦% ଏକର ପ୍ରତି ୮୦ ଗ୍ରାମ୍ କିମ୍ବା ଏଡିଫେନ୍‌ଫସ୍ ୫୦ ଇ.ସି. ଏକର ପ୍ରତି ୨୦୦ ମି.ଲି. କିମ୍ବା ଏକର ପ୍ରତି କାସୁଗାମାଇସିନ୍ ୩ ଏସ୍.ଏଲ୍. ୫୦୦ ମି.ଲି., ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

❖ ଯଦି ପତ୍ରଚିତାରୋଗ ଦେଖାଦିଏ ତେବେ ଏକର ପିଛା ୪୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ୧୨% + ମାଙ୍କୋଜେବ୍ ୬୩% ଡବ୍ଲ୍ୟୁ.ପି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ କିମ୍ବା ଏକର ପ୍ରତି ୨୦୦ ମି.ଲି. ପ୍ରୋପିକୋନାଜୋଲ୍ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

### ୨) କାଦୁଅ ବୁଣା ତାଲୁଅ ଧାନ

❖ କାଣ୍ଡବିନ୍ଧା ପୋକ ନିରୀକ୍ଷଣ ପାଇଁ ଏକର ପିଛା ୩ଟି ହିସାବରେ ଯୌନ ସଭେଦନଶୀଳ ଯନ୍ତ୍ରା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତ୍ରା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ନିମ୍ବ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ଇ.ସି କୁ ଏକର ପ୍ରତି ୮୦୦ ମି.ଲି. କମ୍ବା ଏକର ପିଛା କ୍ଲୋରାନଟ୍ରାନିଲିପ୍ରୋଲ୍ ୦.୪% ଜି.ଆର୍. ୪ କି.ଗ୍ରା. କୁ ୧:୧ ବା ସମାନ ପରିମାଣର ବାଲି ସହିତ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା ଏକର ପ୍ରତି ୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଜି/ଏଲ ଏସ୍.ସି. କିମ୍ବା କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ଏକର ପ୍ରତି ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

❖ ଚାଷୀ ଯଦି ପୂର୍ବରୁ କୌଣସି ଘାସ ନିୟନ୍ତ୍ରଣ ଔଷଧ ବ୍ୟବହାରକରି ନାହାନ୍ତି ତେବେ ପେନୋକ୍ସୁଲମ୍ ୧.୦୨% + ସାଇହାଲୋଫୋପ୍-ବ୍ୟୁଟାଇଲ୍ ୫.୧% ଏକର ପିଛା ୮୦୦ ମି.ଲି. ବୁଣିବାର ୧୫ ରୁ ୨୦ ଦିନରେ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

❖ ଯଦି ମହିଷାରୋଗ ଦେଖାଯାଏ, ତେବେ ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% + ଟେବୁକୋନାଜୋଲ ୫୦% ଏକର ପିଛା ୮୦ ଗ୍ରାମ୍ କିମ୍ବା ଏଡିଫେନ୍‌ଫସ୍ ୫୦ ଇ.ସି. ଏକର ପ୍ରତି ୨୦୦ ମି.ଲି. କିମ୍ବା କାସୁଗାମାଇସିନ୍ ୩ ଏସ୍.ଏଲ୍. ୪୦୦ ମି.ଲି., ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

*****